ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 92/19-04-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୯ ଅପ୍ରେଲ, ୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ କରୋନା ସହ ମୁକାବିଲା ବର୍ତ୍ତମାନ ସମୟର ବଡ଼ ଆହ୍ୱାନ । ମାସ୍କ ପରିଧାନ, ସାମାଜିକ ଦୂରତା ରକ୍ଷା ସହ କୋଭିଡ୍ ନିୟମର କଡ଼ା ଅନୁପାଳନ ଦ୍ୱାରା ହିଁ ଆମେ ସଂକ୍ରମଣ ସମ୍ଭାବନା ହ୍ରାସ କରିପାରିବା । ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ନିଜ ତଥା ନିଜ ପରିବାରର ସୁରକ୍ଷା ପାଇଁ ଏକ ହୋଇ ଲଢ଼ିବା ପାଇଁ ଏବଂ କୋଭିଡ୍ ଯୁଦ୍ଧ ଜତିବା ପାଇଁ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆସାମର ପୂର୍ବତନ ମୁଖ୍ୟମନ୍ତ୍ରୀ ଭୂମିଧର ବର୍ମନ ଜୀଙ୍କ ବିୟୋଗରେ ଗଭୀର ଦୁଃଖ ପ୍ରକାଶ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଶୋକସନ୍ତପ୍ତ ପରିବାରବର୍ଗ ଏବଂ ଅନୁଗାମୀମାନଙ୍କୁ ସମବେଦନା ଜଣାଇବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଝାଡ଼ଖଣ୍ଡର ମାନ୍ୟବର ରାଜ୍ୟପାଳ ଶ୍ରୀମତୀ ଦ୍ରୌପଦୀ ମୁର୍ମୁ କୋଭିଡ୍ ସଂକ୍ରମିତ ହୋଇଥିବା ଜାଣି ଚିନ୍ତାବ୍ୟକ୍ତ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଆଶୁ ଆରୋଗ୍ୟ ଓ ଉତ୍ତମ ସ୍ୱାସ୍ଥ୍ୟ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିରୋଧୀ ଦଳ ନେତା ଶ୍ରୀ ପ୍ରଦୀପ୍ତ କୁମାର ନାଏକ କୋଭିଡ୍ ସଂକ୍ରମିତ ହୋଇଥିବାରୁ ଚିନ୍ତା ପ୍ରକଟ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଆଶୁ ଆରୋଗ୍ୟ ଓ ଉତ୍ତମ ସ୍ୱାସ୍ଥ୍ୟ କାମନା କରୁଛି ।

- ଭୁବନେଶ୍ୱର ସହର ପାଇଁ କୋଭିଡ୍ ପର୍ଯ୍ୟବେକ୍ଷକ ଶ୍ରୀମତୀ ଅନୁ ଗର୍ଗ, ପ୍ରମୁଖ ଶାସନ ସଚିବ, ମହିଳା ଓ ଶିଶୁ ବିକାଶ ବିଭାଗ ଏବଂ ଶ୍ରୀ ତିରୁମଲା ନାୟକ, ଶ୍ରମ କମିଶନର ଆଜି ୧୯୨୯ କଲ୍ ସେଣ୍ଟର ପରିଦର୍ଶନ କରିଛନ୍ତି । ସେମାନେ କଲ୍ ସେଣ୍ଟର ଦାୟତ୍ୱରେ ଥିବା କର୍ମଚାରୀଙ୍କ ସହ ମତବିନିମୟ କରି ସେମାନଙ୍କୁ ଘରେ ପୃଥକବାସରେ ରହିଥିବା ରୋଗୀ, ଜନସାଧାରଣଙ୍କ ଅଭିଯୋଗ ସମେତ କର୍ତ୍ତବ୍ୟରତ ଡାକ୍ତରମାନଙ୍କ ପରାମର୍ଶ ପାଇବା ଦିଗରେ ନିୟମିତ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଛନ୍ତି । ଜନସାଧାରଣଙ୍କ ଅପେକ୍ଷା ସମୟ ହ୍ରାସ କରିବା ଉଦ୍ଦେଶ୍ୟରେ କଲ୍ ସେଣ୍ଟରର କର୍ମଚାରୀ ସଂଖ୍ୟା ବୃଦ୍ଧି କରିବା ନିମନ୍ତେ ଶ୍ରୀମତୀ ଗର୍ଗ ଗୁରୁତ୍ୱ ଦେଇଥିଲେ । ଭୁବନେଶ୍ୱର ମହାନଗର ନିଗମର କମିଶନର ଶ୍ରୀ ପ୍ରେମଚନ୍ଦ୍ର ଚୌଧାରୀ ମଧ୍ୟ ଉପସ୍ଥିତ ଥିଲେ ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୫,୯୯,୮୭୭ ଟି ନମୁନା କୋଭିଡ୍‌-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୬୮, ୨୫୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୪୪, ୮୨୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୪୪ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨୧,୪୩୬ ରହିଛି ।
- ୨୧,୪୩୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**